# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

### 13 June – 2025

********************************

## ମୁଖ୍ୟ ସମ୍ବାଦ

- ଅହମ୍ମଦାବାଦ ବିମାନ ଦୁର୍ଘଟଣାସ୍ଥଳ ଗସ୍ତକରି ସ୍ଥିତି ଅନୁଧ୍ୟାନ କଲେ ପ୍ରଧାନମନ୍ତ୍ରୀ; ଆହତଙ୍କ ସ୍ୱାସ୍ଥ୍ୟବସ୍ଥା ପଚାରି ବୁଝିଲେ
- ରାଜ୍ୟରେ ମହିଳାଙ୍କ ସୁରକ୍ଷା ଓ ସଶକ୍ତୀକରଣ ଦିଗରେ  କାର୍ଯ୍ୟ କରୁଛନ୍ତି ସରକାର, କହିଲେ ମୁଖ୍ୟମନ୍ତ୍ରୀ
- ଯାଜପୁରରେ ଝାଡାବାନ୍ତି ଆକ୍ରାନ୍ତଙ୍କ ସଂଖ୍ୟା ୬୦୦କୁ ବୃଦ୍ଧି; ସ୍ଥିତି ନିୟନ୍ତ୍ରଣ ପାଇଁ ତ୍ୱରିତ ପଦକ୍ଷେପ ନେବାକୁ ସ୍ୱାସ୍ଥ୍ୟ ସଚିବଙ୍କ ପରାମର୍ଶ
- ବେସାମରିକ ପ୍ରତିରକ୍ଷା ସ୍ୱେଚ୍ଛାସେବୀମାନଙ୍କ ଦୈନିକ ଭତ୍ତା ବୃଦ୍ଧି କଲେ ରାଜ୍ୟ ସରକାର

ଏବଂ

- ରିହାତି ଦରରେ ରାସନ ସାମଗ୍ରୀ ଯୋଗାଇଦେବା ଲାଗି ପ୍ରତି ପଂଚାୟତରେ ଖୋଲିବ ଜନପୋଷଣ କେନ୍ଦ୍ର

# ପିଏମ୍-ଅହମ୍ମଦାବାଦ

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ସକାଳେ ଅହମ୍ମଦାବାଦ ଗସ୍ତ କରି ଏୟାର ଇଣ୍ଡିଆ ବିମାନ ଦୁର୍ଘଟଣାରେ ଆହତ ହୋଇଥିବା ବ୍ୟକ୍ତିଙ୍କୁ ହସ୍ପିଟାଲରେ ଭେଟିଛନ୍ତି । ସାମାଜିକ ଗଣମାଧ୍ୟମରେ ପ୍ରଧାନମନ୍ତ୍ରୀ କହିଛନ୍ତି, ଅହମ୍ମଦାବାଦର ଏହି ଦୁଃଖଦ ଘଟଣା ସମସ୍ତଙ୍କୁ ଗଭୀର ଆଘାତ ଦେଇଛି । ଯେଉଁଭଳି ଭାବରେ ଯାତ୍ରୀମାନଙ୍କର ହଠାତ୍ ଜୀବନହାନି ଘଟିଛି ତାହା ଶବ୍ଦରେ ପ୍ରକାଶ କରିବା ସମ୍ଭବ ନୁହେଁ । ମୃତକଙ୍କ ପରିବାର ପ୍ରତି ପ୍ରଧାନମନ୍ତ୍ରୀ ଗଭୀର ସମବେଦନା ପ୍ରକାଶ କରିଛନ୍ତି । ମୃତକଙ୍କ ପରିବାରର ପୀଡ଼ା ଓ ଦୁଃଖକୁ ସେ ବୁଝିପାରୁଛନ୍ତି ଏବଂ ସେମାନଙ୍କ ପାଇଁ ଏହି କ୍ଷତି ଅପୂରଣୀୟ ହୋଇ ରହିବ ବୋଲି ପ୍ରଧାନମନ୍ତ୍ରୀ କହିଛନ୍ତି। ଶ୍ରୀ ମୋଦୀ ବିମାନ ଦୁର୍ଘଟଣାସ୍ଥଳ ପରିଦର୍ଶନ କରି ସ୍ଥିତି ଅନୁଧ୍ୟାନ କରିଛନ୍ତି । ଦୁର୍ଘଟଣା ପରେ ଉଦ୍ଧାର କାର୍ଯ୍ୟରେ ନିୟୋଜିତ କର୍ମଚାରୀମାନଙ୍କୁ ସେ ସାକ୍ଷାତ କରିଛନ୍ତି । ଏହି ବିମାନ ଦୁର୍ଘଟଣାରେ ଏକମାତ୍ର ଜୀବିତ ବିଶ୍ୱାସ କୁମାରଙ୍କୁ ମଧ୍ୟ ପ୍ରଧାନମନ୍ତ୍ରୀ ହସ୍ପିଟାଲରେ ଭେଟିଥିଲେ ।

ସୂଚନାଯୋଗ୍ୟ ଗତକାଲି ଏୟାର ଇଣ୍ଡିଆର ବୋଇଂ ୭୮୭-୮ ବିମାନଟି ଉଡ଼ାଣ ଆରମ୍ଭ କରିବା ପରେ ଦୁର୍ଘଟଣାଗ୍ରସ୍ତ ହୋଇଥିଲା । ବିମାନରେ ଯାତ୍ରୀ ଓ ବିମାନ ପରିଚାଳନା ସଦସ୍ୟଙ୍କୁ ମିଶାଇ ୨୪୨ଜଣଙ୍କ ମଧ୍ୟରୁ ୨୪୧ ଜଣଙ୍କର ମୃତ୍ୟୁ ଘଟିଥିବା ଏୟାର ଇଣ୍ଡିଆ ସ୍ପଷ୍ଟ କରିଛି ।

# ନାରୀ ଶକ୍ତି ସମାବେଶ

ରାଜ୍ୟରେ ମହିଳାଙ୍କ ସୁରକ୍ଷା ସୁନିଶ୍ଚିତ କରିବା ସହ ସେମାନଙ୍କ ସଶକ୍ତୀକରଣ ଦିଗରେ ସରକାର କାର୍ଯ୍ୟ କରୁଛନ୍ତି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। କଟକ ବାଲିଯାତ୍ରା ପଡିଆରେ ନାରୀ ଶକ୍ତି ସମାବେଶକୁ ଉଦ୍‌ଘାଟନ କରି ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି, ରାଜ୍ୟ ସରକାର ମହିଳାଙ୍କ ଶକ୍ତି ଓ ସମ୍ଭାବନାକୁ ଏକ ଉତ୍ସବ ରୂପେ ପାଳନ କରି ଆସୁଛନ୍ତି। ନୂଆ ସରକାରର ଏକବର୍ଷ ମଧ୍ୟରେ ନାରୀ ସଶକ୍ତୀକରଣ ପାଇଁ ଅନେକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ କାର୍ଯ୍ୟକାରୀ କରାଯାଇଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ନେତୃତ୍ୱରେ ରାଜ୍ୟରେ ସୁଭଦ୍ରା ଯୋଜନା ମାଧ୍ୟମରେ ୧ କୋଟିରୁ ଊର୍ଦ୍ଧ୍ୱ ମହିଳାଙ୍କୁ ସାମିଲ କରାଯାଇଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି....

**- V/O -(CM)**

ମୁଖ୍ୟମନ୍ତ୍ରୀ କହିଛନ୍ତି, ଦୁର୍ଗମ ଓ ଆଦିବାସୀ ଅଧ୍ୟୁଷିତ ଅଂଚଳରେ ସରକାରୀ ଯୋଜନାର ସୁଫଳ ପହଞ୍ଚାଇବା ପାଇଁ ସରକାରଙ୍କ ବିଭିନ୍ନ ବିଭାଗ କାର୍ଯ୍ୟ କରୁଛନ୍ତି। ଲକ୍ଷପତି ଦିଦି ସୃଷ୍ଟିରେ ରାଜ୍ୟ ଦେଶରେ ଏକ ନମ୍ବର ସ୍ଥାନରେ ରହି ନୂତନ ମାଇଲଖୁଣ୍ଟ ସ୍ଥାପନ କରିଛି।

କେନ୍ଦ୍ର ସରକାରଙ୍କ ସହ ସମନ୍ୱୟ ରକ୍ଷାକରି ୱାନ୍‌ଷ୍ଟପ୍ ସଖୀ ସେଣ୍ଟର, ବେଟୀ ବଚାଓ, ବେଟୀ ପଢ଼ାଓ, ମହିଳା ହେଲ୍ପଲାଇନ୍ ପ୍ରତିଷ୍ଠା

କରାଯାଇଛି । ଆଗାମୀ ଦିନରେ ମୁଖ୍ୟମନ୍ତ୍ରୀ କନ୍ୟା ବିବାହ ଯୋଜନାକୁ ଖୁବ୍ ଶୀଘ୍ର ରାଜ୍ୟରେ କାର୍ଯ୍ୟକାରୀ କରାଯିବ। ମହିଳାଙ୍କ ସମ୍ମାନ ଓ ଲିଙ୍ଗଗତ ପ୍ରଭେଦକୁ ଦୂର କରିବା ପାଇଁ ସରକାର ଶତ ଚେଷ୍ଟିତ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। କାର୍ଯ୍ୟକ୍ରମରେ ଦୁଇ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ, ପ୍ରଭାତୀ ପରିଡ଼ା ଓ ସାଂସଦ ଭର୍ତ୍ତୃହରି ମହତାବ ପ୍ରମୁଖ ଉପସ୍ଥିତ ଥିଲେ।

# ଝାଡ଼ାବାନ୍ତି

ଯାଜପୁର ଜିଲ୍ଲାରେ ଝାଡ଼ାବାନ୍ତି ଆକ୍ରାନ୍ତଙ୍କ ସଂଖ୍ୟା  ୬୦୦କୁ ବୃଦ୍ଧି ପାଇଛି । ଯାଜପୁର, ଦାନଗଦି, ସୁକିନ୍ଦା, କୋରେଇ, ଧର୍ମଶାଳା, ବ୍ୟାସନଗର ଆଦି ଅଞ୍ଚଳର ଝାଡାବାନ୍ତିରେ ଶତାଧିକ ଆକ୍ରାନ୍ତ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସହ ବିଭିନ୍ନ ଡାକ୍ତରଖାନାରେ ଚିକିତ୍ସିତ ହେଉଛନ୍ତି । ଆଜି ସକାଳେ ୨ ଜଣ ମହିଳା ଆକ୍ରାନ୍ତଙ୍କ ଝାଡାବାନ୍ତିରେ ମୃତ୍ୟୁ ହୋଇଥିବା ଜଣାପଡିଛି । ଜିଲ୍ଲାରେ ମୋଟ୍ ୪ ଜଣଙ୍କ ଝାଡାବାନ୍ତିରେ ମୃତ୍ୟୁ ହୋଇଥିବା ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଡାକ୍ତର ପ୍ରକାଶ ବଳ ସୂଚନା ଦେଇଛନ୍ତି ।

ସ୍ୱାସ୍ଥ୍ୟସଚିବ ଆଶ୍ୱଥି ଏସ୍ ପ୍ରଭାବିତ ଅଞ୍ଚଳ ପରିଦର୍ଶନ କରିବା ପରେ ସ୍ଥିତି ନିୟନ୍ତ୍ରଣ ପାଇଁ ତ୍ୱରିତ ପଦକ୍ଷେପ ନେବାକୁ ସ୍ୱାସ୍ଥ୍ୟବିଭାଗର ଅଧିକାରୀମାନଙ୍କୁ ପରାମର୍ଶ ଦେଇଛନ୍ତି । ଜିଲ୍ଲାର ବିଭିନ୍ନ ସ୍ଥାନରେ ଝାଡ଼ାବାନ୍ତି ସଂକ୍ରମଣକୁ ଦୃଷ୍ଟି ରଖି ସ୍ୱାସ୍ଥ୍ୟବିଭାଗ ପକ୍ଷରୁ ଏକ ଭ୍ରାମ୍ୟମାଣ ପରୀକ୍ଷାଗାର କରାଯାଇଛି । ସମସ୍ତ ପ୍ରଭାବିତ ଅଂଚଳରେ ପାନୀୟ ଜଳ ବିଶୋଧନ ପ୍ରକ୍ରିୟା ଆରମ୍ଭ ହୋଇଛି। ବିଭିନ୍ନ ହୋଟେଲମାନଙ୍କରେ ଚଢ଼ାଉ କରାଯାଇ ଖାଦ୍ୟର

ମାନ ଯାଞ୍ଚ କରାଯିବା ସହ ପ୍ରତି ପଂଚାୟତରେ ଜଣେ ଲେଖାଏଁ ସୁପରଭାଇଜରଙ୍କୁ ଜିଲ୍ଲାପାଳ ନିଯୁକ୍ତ କରିଛନ୍ତି ।

ସେହିଭଳି ପ୍ରଭାବିତ ଅଞ୍ଚଳରେ ଜଳ ଓ ଖାଦ୍ୟ ନମୂନା ସଂଗ୍ରହ କରାଯାଇଛି । ରିପୋର୍ଟ ଆସିବାକୁ ଆହୁରି ୨୪ ଘଣ୍ଟା ସମୟ ଲାଗିବ ବୋଲି ଜିଲ୍ଲା ପ୍ରଶାସନ ପକ୍ଷରୁ ସୂଚନା ମିଳିଛି ।

## ବେସାମରିକ ସ୍ୱେଚ୍ଛାସେବୀ ଭତ୍ତା ବୃଦ୍ଧି

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ବେସାମରିକ ପ୍ରତିରକ୍ଷା ସ୍ୱେଚ୍ଛାସେବୀମାନଙ୍କ ଦୈନିକ ଡ୍ୟୁଟି ଭତ୍ତା ବୃଦ୍ଧି ପାଇଛି । ବେସାମରିକ ପ୍ରତିରକ୍ଷା ସ୍ୱେଚ୍ଛାସେବୀମାନଙ୍କ ଦୈନିକ ଡ୍ୟୁଟି ଭତ୍ତା ୧୫୦ ଟଙ୍କାକୁ ବୃଦ୍ଧି ହୋଇଥିବାବେଳେ ପ୍ରଶିକ୍ଷଣ ଭତ୍ତା ୧୪୦ ଟଙ୍କାକୁ ବୃଦ୍ଧି କରାଯାଇଛି । ଏହି ବର୍ଦ୍ଧିତ ଭତ୍ତା ପିଛିଲା ଭାବେ ମଇ ମାସ ପହିଲାଠାରୁ ଲାଗୁ ହେବ । ସରକାରଙ୍କ ଏହି ନିଷ୍ପତ୍ତି ଦ୍ୱାରା ବେସାମରିକ ପ୍ରତିରକ୍ଷା ସ୍ୱେଚ୍ଛାସେବୀଙ୍କ ସଂଖ୍ୟା ବୃଦ୍ଧି ପାଇବ ବୋଲି ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ ଆଶା ବ୍ୟକ୍ତ କରିଛନ୍ତି ।

## ଜନ ପୋଷଣ କେନ୍ଦ୍ର

ଲୋକମାନଙ୍କୁ ରିହାତି ଦରରେ ରାସନ ସାମଗ୍ରୀ ଯୋଗାଇ ଦିଆଯିବା ପାଇଁ ରାଜ୍ୟର ପ୍ରତି ପଞ୍ଚାୟତରେ ଜନପୋଷଣ କେନ୍ଦ୍ର ଖୋଲିବେ । ଖାଦ୍ୟ ଯୋଗାଣ ମନ୍ତ୍ରୀ କୃଷ୍ଣ ଚନ୍ଦ୍ର ପାତ୍ର କହିଛନ୍ତି, ପ୍ରଥମ ପର୍ଯ୍ୟାୟରେ ୫ଟି ପୋଷଣ କେନ୍ଦ୍ର ଖୋଲିବାକୁ ଯୋଜନା ରହିଛି । ମଧ୍ୟବିତ୍ତ ବର୍ଗର ଲୋକଙ୍କୁ

ଏହି ଯୋଜନାରେ ସାମିଲ କରାଯିବ। ବର୍ତ୍ତମାନ ୩ କୋଟି ୨୬ ଲକ୍ଷ ହିତାଧିକାରୀ ଖାଦ୍ୟ ସୁରକ୍ଷା ଯୋଜନାରେ ସାମିଲ ଅଛନ୍ତି। ଜନପୋଷଣ କେନ୍ଦ୍ର ଦ୍ୱାରା ପ୍ରାୟ ୫୦ ଲକ୍ଷରୁ ଅଧିକ ହିତାଧିକାରୀଙ୍କୁ ଏହି ଯୋଜନାରେ ସାମିଲ କରାଯିବ ବୋଲି ମନ୍ତ୍ରୀ ଶ୍ରୀ ପାତ୍ର କହିଛନ୍ତି।

## ଯୋଗ ଦିବସ-ଉଦ୍‌ଘାଟନ

କେନ୍ଦ୍ରୀୟ ସଂଚାର ବ୍ୟୁରୋ ଏବଂ ଭାରତୀୟ ଯୋଗ ସଂସ୍ଥାନ ପକ୍ଷରୁ ଭୁବନେଶ୍ୱରଠାରେ ଯୋଗ ସଂଗମ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଯୋଗଗୁରୁମାନେ ଲୋକଙ୍କୁ ବିଭିନ୍ନ ଆସନ ଓ ପ୍ରାଣାୟାମ ଅଭ୍ୟାସ କରାଇବା ସହ ଦୈନ୍ୟନ୍ଦିନ ଜୀବନରେ ଯୋଗର ଉପକାରିତା ସମ୍ପର୍କରେ ଅବଗତ କରାଇଛନ୍ତି। ସୂଚନାଯୋଗ୍ୟ, ଆୟୁଷ ମନ୍ତ୍ରଣାଳୟ ପକ୍ଷରୁ ନୂଆଦିଲ୍ଲୀର ଜାତୀୟ ଗଣମାଧମ କେନ୍ଦ୍ରରେ ଏକାଦଶ ଅନ୍ତର୍ଜାତୀୟ ଯୋଗ ଦିବସର ଉଦ୍‌ଘାଟନ ହୋଇଯାଇଛି । ଏଥିସହ ଚଳିତବର୍ଷ ଯୋଗ ମହାସମାରୋହର ଆନୁଷ୍ଠାନିକ ଶୁଭାରମ୍ଭ ହୋଇଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୨୧ ତାରିଖ ଦିନ ଆନ୍ଧ୍ରପ୍ରଦେଶର ବିଶାଖାପାଟଣାଠାରେ ଅନୁଷ୍ଠିତ ହେବାକୁ ଥିବା ଜାତୀୟ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବେ । ଚଳିତବର୍ଷ ଯୋଗଦିବସର ବାର୍ତ୍ତା ରହିଛି- 'ଏକ ପୃଥିବୀ, ଏକ ସ୍ୱାସ୍ଥ୍ୟ ପାଇଁ ଯୋଗ'।

### ଇକୋ-ଟୁରିଜିମ୍

**ନବରଙ୍ଗପୁର** ଜିଲ୍ଲାର ଇନ୍ଦ୍ରାବତୀ ଜଳଭଣ୍ଡାର ଅଂଚଳରେ ପରିବେଶ ଅନୁକୂଳ ପର୍ଯ୍ୟଟନର ବିକାଶ କରାଯିବ ବୋଲି ବାଣିଜ୍ୟ ପରିବହନ ଖଣି ଓ ଇସ୍ପାତ ମନ୍ତ୍ରୀ ବିଭୂତି ଭୂଷଣ ଜେନା କହିଛନ୍ତି । ମନ୍ତ୍ରୀ ଶ୍ରୀ ଜେନା ନବରଙ୍ଗପୁର ଗସ୍ତରେ ଯାଇ ତେନ୍ତୁଲିଖୁଣ୍ଟି ବ୍ଲକ୍‌ର ହାତୀଗୁଡ଼ାଠାରେ ଉପର ଇନ୍ଦ୍ରାବତୀ ଜଳପ୍ରକଳ୍ପର ପୋଡାଗଡ଼, କପୁର ଓ ଦେଓପାଲି ଡ୍ୟାମ୍ ଅଂଚଳ ପରିଦର୍ଶନ କରିବା ସହ ମେଗା-ପାନୀୟ ଜଳ ପ୍ରକଳ୍ପ ସମ୍ପର୍କରେ ବିଭାଗୀୟ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି । ପରିଦର୍ଶନ ସମୟରେ ବିଧାୟକ ଗୌରୀଶଙ୍କର ମାଝୀ, ଜିଲ୍ଲାପାଳ ଡାକ୍ତର ଶୁଭଙ୍କର ମହାପାତ୍ରଙ୍କ ସମେତ ଅନ୍ୟ ଅଧିକାରୀମାନେ ଉପସ୍ଥିତ ଥିଲେ ।

## ପଲ୍ଲିଶ୍ରୀ ମେଳା

**ଗଞ୍ଜାମ** ଜିଲ୍ଲା ବ୍ରହ୍ମପୁର ସହରସ୍ଥିତ ଖଲିକୋଟ ବିଶ୍ୱବିଦ୍ୟାଳୟ ଖେଳପଡିଆରେ ବିକାଶ ମେଳା ଓ ରାଜ୍ୟସ୍ତରୀୟ ପଲ୍ଲିଶ୍ରୀ ମେଳାକୁ ଆଇନ ଓ ଅବକାରୀମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଉଦ୍‌ଘାଟନ କରିଛନ୍ତି । କାର୍ଯ୍ୟକ୍ରମରେ ମତ୍ସ୍ୟ ଓ ପଶୁସମ୍ପଦ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ, ସାଂସଦ ପ୍ରଦୀପ କୁମାର ପାଣିଗ୍ରାହୀ ଓ ଦିବ୍ୟଜ୍ୟୋତି ପରିଡା ପ୍ରମୁଖ ଉପସ୍ଥିତ ଥିଲେ ।

## ଜ୍ଞାନପୋଷ୍ଟ

ଭାରତୀୟ ଡାକ ବିଭାଗ ପକ୍ଷରୁ ସହଜ ଏବଂ ସୁବିଧାରେ ପାଠ୍ୟପୁସ୍ତକ ତଥା ଧାର୍ମିକ, ସାଂସ୍କୃତିକ ଏବଂ ସାମାଜିକ ପୁସ୍ତକ ଗୁଡ଼ିକୁ

ପଠାଇବା ଲାଗି ଜ୍ଞାନ ପୋଷ୍ଟ ବ୍ୟବସ୍ଥା ଆରମ୍ଭ କରିଛି । ନୂଆ ଶିକ୍ଷାନୀତି ଅଧୀନରେ ଯେପରି ସାରା ଦେଶର ସବୁ ଅଞ୍ଚଳକୁ ପୁସ୍ତକ ଯୋଗାଇ ଦିଆଯିବା ପାଇଁ ଏଥିରେ ଲକ୍ଷ୍ୟ ରଖାଯାଇଛି । ଦେଶର ପ୍ରତ୍ୟେକଟି ପୋଷ୍ଟ ଅଫିସ୍‌ରେ ଏହି ବ୍ୟବସ୍ଥାରେ ଉପଭୋକ୍ତାମାନଙ୍କୁ ଟ୍ରାକିଂ ସୁବିଧା ଯୋଗାଇ ଦିଆଯିବ ବୋଲି ଜଣାପଡିଛି ।

## ଭଦ୍ରକରେ ଇଣ୍ଟରନେଟ୍ ସେବା ବନ୍ଦ

**ଭଦ୍ରକ** ଜିଲ୍ଲା ଗୋଷ୍ଠୀ ସଂଘର୍ଷକୁ ଦୃଷ୍ଟିରେ ରଖି ଜିଲ୍ଲା ପ୍ରଶାସନ ପକ୍ଷରୁ ଜାରି କରାଯାଇଥିବା ଇଣ୍ଟରନେଟ୍ ବନ୍ଦ କଟକଣାକୁ ସନ୍ଧ୍ୟା ୬ଟା ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି । ଘଟଣାକୁ ନେଇ ୧୬ ନମ୍ବର ଜାତୀୟ ରାଜପଥରେ ରାସ୍ତାରୋକ୍ କରାଯାଇଥିଲା । ସ୍ଥାନୀୟ ସାଂସଦ, ବିଧାୟକ ଓ ଜିଲ୍ଲାପାଳ ଘଟଣାସ୍ଥଳରେ ପହଞ୍ଚି ବୁଝାସୁଝା କରିବା ପରେ ରାସ୍ତାରୋକ୍ ପ୍ରତ୍ୟାହୃତ ହୋଇଛି । ଗଣ୍ଡଗୋଳ ଘଟଣାରେ ସମ୍ପୃକ୍ତ ୧୨ ଜଣଙ୍କୁ ପୁଲିସ୍ ଗିରଫ କରି ତଦନ୍ତ ଜାରି ରଖିଛି । ଶାନ୍ତିଶୃଙ୍ଖଳା ବଜାୟ ରଖିବାକୁ ଜିଲ୍ଲା ପ୍ରଶାସନ ପକ୍ଷରୁ ସ୍ଥାନୀୟ ଜନସାଧାରଣଙ୍କୁ ଅନୁରୋଧ କରାଯାଇଛି । ଜିଲ୍ଲାର ତିହିଡି, ଧାମନଗର ଏବଂ ଭଦ୍ରକ ପୌରାଞ୍ଚଳରେ ଇଣ୍ଟରନେଟ୍ ସେବା ବନ୍ଦ ରହିଥିବା ଆମ ସମ୍ବାଦଦାତା ଜଣାଇଛନ୍ତି ।

ସୂଚନାଯୋଗ୍ୟ, ତିହିଡି ବ୍ଲକ କୁବେରା ପଞ୍ଚାୟତର କସଟି ଗ୍ରାମରେ ଦୁଇଗୋଷ୍ଠୀଙ୍କ ମଧ୍ୟରେ ଗଣ୍ଡଗୋଳ ଘଟି ଚିକିତ୍ସାଧୀନ ଅବସ୍ଥାରେ ଜଣେ

ବ୍ୟକ୍ତିଙ୍କ ମୃତ୍ୟୁ ଘଟିଥିଲା । ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମୃତକଙ୍କ ପରିବାରବର୍ଗଙ୍କୁ ୧୦ ଲକ୍ଷ ଟଙ୍କାର ସହାୟତା ଏବଂ ଜଣକୁ ସରକାରୀ ଚାକିରି ଦେବାକୁ ଘୋଷଣା କରିଛନ୍ତି ।

********************************